# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 1818 CUTTACK, TUESDAY, DECEMBER 26, 2006 / PAUSA 5, 1928**

## ରାଜ୍ୟ ନିର୍ବାଚନ କମିଶନ, ଓଡ଼ିଶା, ଭୁବନେଶ୍ୱର

### ଆଦେଶ

ତାରିଖ 26 ଡ଼ିସେମ୍ବର 2006

ସଂଖ୍ୟା ୫୪୧୦-ରା.ନି.ଆ.–ଯେହେତୁ, ସମସ୍ତ ପଞ୍ଚାୟତ ଅନୁଷ୍ଠାନର ନିର୍ବାଚନ ଅଧିକ୍ଷଣ, ନିର୍ଦ୍ଦେଶନାମା ଏବଂ ନିୟନ୍ତ୍ରଣ କ୍ଷମତା ଭାରତ ସମ୍ବିଧାନର ଧାରା ୨୪୩-କେ ରେ ରାଜ୍ୟ ନିର୍ବାଚନ କମିଶନଙ୍କ ଉପରେ ନ୍ୟସ୍ତ କରାଯାଇଅଛି ;

ଏବଂ ଯେହେତୁ ପଞ୍ଚାୟତ ନିର୍ବାଚନକୁ ଉଚିତ୍ ମାର୍ଗରେ ପରିଚାଳନା କରିବା ନିମନ୍ତେ ରାଜ୍ୟ ନିର୍ବାଚନ କମିଶନ ସମ୍ବିଧାନର ୨୪୩-କେ ଧାରାରେ କ୍ଷମତାପ୍ରାପ୍ତ ହୋଇଅଛନ୍ତି, ତେଣୁ ଜିଲ୍ଲା ପରିଷଦ, ପଞ୍ଚାୟତ ସମିତି ଓ ସରପଞ୍ଚ ପଦବୀ ପ୍ରାର୍ଥୀଙ୍କ ନିର୍ବାଚନ ପ୍ରଚାର କାର୍ଯ୍ୟରେ ବ୍ୟବହାର କରୁଥିବା ଯାନ ଉପରେ ନିମ୍ନମତେ ସୀମା ଧାର୍ଯ୍ୟ କରୁଛନ୍ତି ।

ଜିଲ୍ଲା ପରିଷଦ ପ୍ରାର୍ଥୀ ସର୍ବାଧିକ ଦୁଇଗୋଟି ଜିପ୍ ବା କାର୍ ଓ ଚାରିଗୋଟି ମୋଟର ସାଇକେଲ, ପଞ୍ଚାୟତ ସମିତି ଓ ସରପଞ୍ଚ ପ୍ରାର୍ଥୀ ଗୋଟିଏ ଜିପ୍ ବା କାର୍ ଓ ଦୁଇଗୋଟି ମୋଟର ସାଇକେଲ୍ ବ୍ୟବହାର କରିପାରିବେ । ଗାଡ଼ି ଓ ମୋଟର ସାଇକେଲ୍ ଧାର୍ଯ୍ୟ ସୀମା ମଧ୍ୟରେ ଅଟୋ ରିକ୍ସା ମଧ୍ୟ ବ୍ୟବହାର କରାଯାଇପାରିବ । ମୋଟର ଯାନ ବ୍ୟବହାର ଦିନଠାରୁ ଜିଲ୍ଲା ପରିଷଦ ପ୍ରାର୍ଥୀ ଯାନର ପ୍ରକାର, ତାହାର ପଞ୍ଜିକରଣ ନମ୍ବର, ଗାଡ଼ି ମାଲିକଙ୍କ ନାମ ଉପ-ଜିଲ୍ଲାପାଳଙ୍କୁ ଏବଂ ପଞ୍ଚାୟତ ସମିତି ଓ ସରପଞ୍ଚ ପ୍ରାର୍ଥୀ ସ୍ଥାନୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ ଲିଖିତଭାବେ ଜଣାଇବେ । ଏହି ତଥ୍ୟର ତିନୋଟି ନକଲ ଦାଖଲ କରାଯିବ । ତଥ୍ୟର ଗୋଟିଏ ନକଲ ଉପ-ଜିଲ୍ଲାପାଳ/ଗୋଷ୍ଠୀ ଉନ୍ନୟନ ଅଧିକାରୀ ନିକଟସ୍ଥ ମୋଟର ଯାନ କର୍ତ୍ତୃପକ୍ଷଙ୍କୁ ଦେବେ ଓ ଅନ୍ୟଟି ନିଜ ପାଖରେ ରଖିବେ । ତୃତୀୟ ନକଲଟିରେ ଉପ-ଜିଲ୍ଲାପାଳ/ଗୋଷ୍ଠୀ ଉନ୍ନୟନ ଅଧିକାରୀ ବା ତାଙ୍କ କ୍ଷମତାପନ୍ନ ଅଧିକାରୀ ସ୍ୱାକ୍ଷର ଓ ଅଫିସ୍ ମୋହର ଲଗାଇ ପ୍ରାର୍ଥୀଙ୍କୁ ଫେରାଇ ଦେବେ । ମୋଟର ଯାନ ଅଧିକାରୀ ଗୋଟିଏ ରେଜିଷ୍ଟରରେ ସମସ୍ତ ତଥ୍ୟ ଲିପିବଦ୍ଧ କରିବେ । କୌଣସି ସମୟରେ ନିର୍ବାଚନ ଅଧିକାରୀ କିମ୍ବା ତାଙ୍କ ଦ୍ୱାରା କ୍ଷମତାପର୍ଣ୍ଣ ଅଧିକାରୀ ଏହି ତଥ୍ୟ ଆବଶ୍ୟକ କଲେ, ପ୍ରାର୍ଥୀ ତଦାରଖ ନିମନ୍ତେ ତାହା ଉପସ୍ଥାପନ କରିବେ । ମଟର ଯାନ ସଂକ୍ରାନ୍ତୀୟ ସମସ୍ତ ଖର୍ଚ୍ଚ, ନିର୍ବାଚନ ଖର୍ଚ୍ଚ ସୀମା ମଧ୍ୟରେ ସୀମିତ ରହିବ । ପ୍ରଚାର କାର୍ଯ୍ୟରେ ବ୍ୟବହୃତ ମଟର ଯାନ ଭୋଟ ଆରମ୍ଭ ହେବାର ୩୬ ଘଣ୍ଟା ପୂର୍ବରୁ ମୁକ୍ତ କରାଯାଇ ନିର୍ବାଚନ ଅଧିକାରୀଙ୍କୁ ଜଣାଇ ଦିଆଯିବ ।

ଏହି ଆଦେଶ ଅବମାନନାକୁ କମିଶନଙ୍କ ଦ୍ୱାରା ଜାରି ହୋଇଥିବା ନିର୍ବାଚନ ଆଚରଣ ବିଧିର ଉଲ୍ଲଂଘନ ଧରାଯିବ । ଏହି ଆଦେଶ ନିର୍ଗମନ ଦିନରୁ ଲାଗୁ କରାଯିବ ।

ରାଜ୍ୟ ନିର୍ବାଚନ କମିଶନଙ୍କ ଆଦେଶକ୍ରମେ

**ଫକୀର ଚରଣ ଶତପଥୀ**

ସଚିବ

---

Printed and published by the Director, Printing, Stationery and Publication, Orissa, Cuttack-10

Ex. Gaz. 1441–193+1,000